## ଆଜି ଅନୁଗୋଳ ଜିଲ୍ଲାରୁ ୧୦୭ ଜଣ କରୋନା ପଜିଟିଭ ଚିହ୍ନଟ -

### ପଜିଟିଭ ସଂଖ୍ୟା ୪୭୨୪ ରେ ପହଞ୍ଚିଲା - ସୁସ୍ଥ ହେଲେ ୧୭୨ ଜଣ ।

ଆଜି ଅନୁଗୋଳ ଜିଲ୍ଲାରୁ ଗୋଟିଏ ଦିନରେ ୧୦୭ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ଆଜି ୩ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୮୦ରେ ପହଂଚିଲା । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଅନୁଗୋଳ ପୌରାଂଚଳରୁ ୩୦ ଜଣ (୨୧ ଜଣ ପୁରୁଷ ଓ ୯ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୨୬ ଜଣ (୨୨ ଜଣ ପୁରୁଷ ଓ ୪ ଜଣ ମହିଳା), ବଅଁରପାଳ ବ୍ଲକ୍ ଅଂଚଳରୁ ୨୨ ଜଣ ( ୧୭ଜଣ ପୁରୁଷ ଓ ୫ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ୯ ଜଣ ( ୬ଜଣ ପୁରୁଷ ଓ ୩ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୭ ଜଣ (୫ ଜଣ ପୁରୁଷ ଓ୨ ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୬ ଜଣ ( ୫ଜଣ ପୁରୁଷ ଓ୧ ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୫ ଜଣ(୪ ଜଣ ପୁରୁଷ ଓ ୧ଜଣ ମହିଳା) ଓ କିଶୋରନଗର ବ୍ଲକ୍ ଅଂଚଳରୁ୨ ଜଣ (୨ ଜଣ ପୁରୁଷ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୭୨ ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୧୫ ଜଣ କୋଭିଡ ହସପିଟାଲରୁ ,୭ ଜଣ କୋଭିଡ କେୟାର ସେଣ୍ଟରରୁ ଓ ୧୫୦ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୬୬୦ ତା.୦୨.୧୦.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ